# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**09th September - 2024**

**News Editor : *Itishree Singh Rathaur***

***********************************

## ମୁଖ୍ୟ ସମ୍ବାଦ

- ବଙ୍ଗୋପସାଗରରେ ସୃଷ୍ଟ ଅବପାତ ଆଜି ସୁଦ୍ଧା ଗଭୀର ଅବପାତରେ ପରିଣତ ହେବା ସମ୍ଭାବନା ।

— ଅତି ଭୀଷଣ ବର୍ଷା ହେବା ନେଇ ୧୦ଟି ଜିଲ୍ଲାକୁ ସତର୍କ ସୂଚନା ।

- ରାଜ୍ୟରେ ଲଘୁଚାପ ବର୍ଷା ସତର୍କତା ଓ କୋରାପୁଟ ଓ ମାଲକାନଗିରି ଜିଲ୍ଲାରେ କ୍ଷୟକ୍ଷତି ସମ୍ପର୍କରେ ରାଜସ୍ୱ ମନ୍ତ୍ରୀଙ୍କ ସହ ଆଲୋଚନା କଲେ ମୁଖ୍ୟମନ୍ତ୍ରୀ ।

- ସମ୍ବଲପୁରରେ ଜନସାଧାରଣଙ୍କ ଅଭିଯୋଗ ଶୁଣିଲେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ।

ଏବଂ

- ଭିତରକନିକା ଜାତୀୟ ଉଦ୍ୟାନରେ ଆରମ୍ଭ ହେଲା ପକ୍ଷୀଗଣନା ।

*Malkangiri/R*

# ମାଲକାନଗିରି - ବର୍ଷା

ଲଗାଣ ବର୍ଷା ଯୋଗୁଁ ମାଲକାନଗିରି ଜିଲ୍ଲାରେ ଜନଜୀବନ ଅସ୍ତବ୍ୟସ୍ତ ହୋଇପଡ଼ିଛି । ଜିଲ୍ଲାରେ ବର୍ଷା ଓ ବନ୍ୟାସ୍ଥିତିକୁ ଦୃଷ୍ଟିରେ ରଖି ଆସନ୍ତାକାଲି ସମସ୍ତ ବିଦ୍ୟାଳୟ ଓ ଅଙ୍ଗନୱାଡ଼ି କେନ୍ଦ୍ର ବନ୍ଦ ରହିବ। ରନ୍ଧା ଖାଦ୍ୟ ବଦଳରେ ଶିଶୁଙ୍କପାଇଁ ଶୁଖିଲା ଖାଦ୍ୟ ବ୍ୟବସ୍ଥା କରାଯିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି । ଲଗାଣ ବର୍ଷା ଯୋଗୁଁ ଜିଲ୍ଲାରେ ବର୍ତ୍ତମାନ ସୁଦ୍ଧା ୧୧ଟି କଚ୍ଚା ଘର କ୍ଷତିଗ୍ରସ୍ତ ହୋଇଥିବା ଜଣାପଡ଼ିଛି । ଅଗ୍ନିଶମ ବାହିନୀ ବନ୍ୟାଘେରରେ ଥିବା ୫୩ ଜଣଙ୍କୁ ଉଦ୍ଧାର କରିଛି । ଏହାବ୍ୟତୀତ ୮ଟି ଗ୍ରାମ ଓ ମାଲକାନଗିରି ପୌର ପରିଷଦର ୩ ଟି ୱାର୍ଡର ପ୍ରାୟ ୧୭୦୦ ଲୋକଙ୍କୁ ୧୨ଟି ବନ୍ୟା ଆଶ୍ରୟସ୍ଥଳିକୁ ସ୍ଥାନାନ୍ତରିତ କରାଯାଇଛି । ସେମାନଙ୍କପାଇଁ ରନ୍ଧନ ଖାଦ୍ୟର ବ୍ୟବସ୍ଥା କରାଯାଇଛି ବୋଲି ଅତିରିକ୍ତ ଜିଲ୍ଲାପାଳ ବେଦବର ପ୍ରଧାନ କହିଛନ୍ତି ।

ଜିଲ୍ଲାର ପୋଟେରୁ ଗ୍ରାମରେ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଛି । ଜିଲ୍ଲାର ଏମ.ଭି-୦୭, କାଙ୍ଗୁରୁକୋଣ୍ଡା, ଏମ. ଭି-୯୦, କନ୍ୟାଶ୍ରମ, ପାଙ୍ଗାମ ଓ ଏମ. ଭି-୩୭ ପୋଲ ଉପର ଦେଇ ପ୍ରାୟ ୫ ରୁ ୧୦ ଫୁଟ ଉଚ୍ଚରେ ଜଳ ପ୍ରବାହିତ ହେଉଥିବା ଯୋଗୁଁ ମାଲକାନଗିରି ଜିଲ୍ଲା ସଦର ମହକୁମା ସହ ମାଥିଲି, ଚିତ୍ରକୋଣ୍ଡା, କାଲିମେଲା ଓ ପଡ଼ିଆ ବ୍ଲକ ବିଛିନ୍ନ ହୋଇଥିବା ଆମ ସମ୍ବାଦଦାତା ଜଣାଇଛନ୍ତି ।

*Koraput/R*

## ବର୍ଷା-୨

ଲଗାଣ ବର୍ଷା ଯୋଗୁଁ କୋରାପୁଟ ଜିଲ୍ଲାର କୁନ୍ଦ୍ରା ବ୍ଲକ୍‌ର ମସିଗାଁ, ଦିଗାପୁର, ପଖନାଗୁଡ଼ା, ବାଗଦେରୀ ପଞ୍ଚାୟତର ୫୦ଟି ଗ୍ରାମରେ ବନ୍ୟା ଆଶଙ୍କା ଦେଖାଦେଇଛି । ଉପର କୋଲାବ, ବରୀ ଓ କୁର୍ଲୁ ନଦୀରେ ଜଳସ୍ତର ବୃଦ୍ଧି ପାଉଛି । ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରାୟ ୧୦୦ ଜଣ ଲୋକଙ୍କୁ ସ୍ଥାନାନ୍ତରିକ କରାଯାଇ ରିଲିଫ୍ କ୍ୟାମ୍ପ୍‌ରେ ରଖାଯାଇଛି । ସୂଚନା ଅନୁଯାୟୀ, ଜୟପୁର, କୋଟପାଡ଼, ବୋରିଗୁମ୍ମା, ବୈପାରୀଗୁଡ଼ା ଓ କୁନ୍ଦ୍ରା ବ୍ଲକ୍‌ର ୩୦୦ରୁ ଅଧିକ ଘର କ୍ଷତିଗ୍ରସ୍ତ ହେବା ସହ ୫୦୦ ହେକ୍ଟର ଜମିରେ ବାଲିଚର ମାଡ଼ିଯାଇଛି । କୋରାପୁଟ-ଦଶମନ୍ତପୁର ଯୋଗାଯୋଗ ବିଚ୍ଛିନ୍ନ ହେବା ସହ ଯାତାୟାତ ବାଧାପ୍ରାପ୍ତ ହୋଇଛି ।

*Met., IPR*

## ପାଣିପାଗ

ପଶ୍ଚିମ କେନ୍ଦ୍ରୀୟ ଏବଂ ପାର୍ଶ୍ୱବର୍ତ୍ତୀ ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ଅବପାତ କ୍ଷେତ୍ର ସୃଷ୍ଟି ହୋଇଛି । ଭାରତୀୟ ପାଣିପାଗ ବିଭାଗର ସୂଚନା ଅନୁସାରେ ଉତ୍ତର ଓଡ଼ିଶା, ପଶ୍ଚିମବଙ୍ଗ ଉପକୂଳରେ ଏହି ଅବପାତ ଗତିଶୀଳ ହୋଇ ଆଗାମୀ ୨୪ ଘଣ୍ଟା ମଧ୍ୟରେ ଗଭୀର ଅବପାତର ରୂପ ନେବାର ସମ୍ଭାବନା ରହିଛି । ଆସନ୍ତା ୪୮ ଘଣ୍ଟା ପର୍ଯ୍ୟନ୍ତ ଗଞ୍ଜାମ, କନ୍ଧମାଳ,

ନୟାଗଡ଼, ଖୋର୍ଦ୍ଧା, ବଲାଙ୍ଗିର, ବୌଦ୍ଧ, ମାଲକାନଗିରି, କୋରାପୁଟ, ନବରଙ୍ଗପୁର ଏବଂ ପୁରୀ ଜିଲ୍ଲାରେ ଅତି ଭୀଷଣ ବର୍ଷା ହେବାର ସମ୍ଭାବନା ଥିବାରୁ ଏହିସବୁ ଜିଲ୍ଲାଗୁଡ଼ିକପାଇଁ ରେଡ୍ ୱାର୍ଣ୍ଣିଂ ଜାରି କରାଯାଇଛି । ସେହିଭଳି ଭୀଷଣ ବର୍ଷା ହେବା ନେଇ ୧୩ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଉପକୂଳ ଓଡ଼ିଶାରେ ସମ୍ଭାବ୍ୟ ବର୍ଷାପାଇଁ ନିଆଯାଉଥିବା ସତର୍କତାମୂଳକ ପଦକ୍ଷେପ ସମ୍ପର୍କରେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀଙ୍କ ସହ ଆଲୋଚନା କରିଛନ୍ତି । ମାଲକାନଗିରି ଓ କୋରାପୁଟ ଜିଲ୍ଲାରେ ବର୍ଷାଜନିତ କ୍ଷୟକ୍ଷତି ନେଇ ଆଲୋଚନା କରିଛନ୍ତି । ଏହି ସମୟରେ ସ୍ୱତନ୍ତ୍ର ରିଲିଫ୍ କମିଶନର୍ଙ୍କ ସମେତ ଦୁଇ ଜିଲ୍ଲାର ଜିଲ୍ଲାପାଳଙ୍କୁ ତୁରନ୍ତ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦିଆଯାଇଥିବା ରାଜସ୍ୱ ମନ୍ତ୍ରୀ ଅବଗତ କରାଇଛନ୍ତି ।

ସମ୍ଭାବ୍ୟ ବର୍ଷା ଓ ବନ୍ୟା ପରିସ୍ଥିତିକୁ ଦୃଷ୍ଟିରେ ରଖି ସ୍ୱତନ୍ତ୍ର ରିଲିଫ୍ କମିଶନର ଦେଓ ରଞ୍ଜନ ସିଂହଙ୍କ ଅଧ୍ୟକ୍ଷତାରେ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକ ପରେ ଶ୍ରୀ ସିଂହ କହିଛନ୍ତି, ରାଜ୍ୟରେ ବନ୍ୟା ସ୍ଥିତି ସୃଷ୍ଟି ହୋଇ ନାହିଁ । ତେବେ ମାଲକାନଗିରି ଜିଲ୍ଲାରେ ପ୍ରବଳ ବର୍ଷା ହେବା ଯୋଗୁଁ ଗମନାଗମନ ପ୍ରଭାବିତ ହୋଇଛି । ଲୋକମାନଙ୍କୁ ସୁରକ୍ଷିତ ଉଦ୍ଧାର ପାଇଁ ଓଡ୍ରାଫ୍ ଟିମ୍ ମୁତୟନ କରାଯାଇଛି । ମାଲକାନଗିରି ଜିଲ୍ଲା ପ୍ରଶାସନକୁ ସହାୟତା ତଥା ପରିସ୍ଥିତିର ମୁକାବିଲାପାଇଁ ୨ ଜଣ ବରିଷ୍ଠ ଅଧିକାରୀ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ ସଚିବ

ବିଷ୍ଣୁପଦ ସେଠୀ ଓ ଅଗ୍ନିଶମ ବିଭାଗର ମହାନିର୍ଦ୍ଦେଶକ ସୁଧାଂଶୁ ଷଡ଼ଙ୍ଗୀଙ୍କୁ ଦାୟିତ୍ୱ ଦିଆଯାଇଛି । ରାଜ୍ୟର ବିଭିନ୍ନ ସ୍ଥାନରେ ସମ୍ଭାବ୍ୟ ବର୍ଷାକୁ ଦୃଷ୍ଟିରେ ରଖି ୧୮ଟି ଓଡ୍ରାଫ୍ ଟିମ୍ ମୁତୟନ କରାଯାଇଛି । ସେହିଭଳି ଗଞ୍ଜାମ, ପୁରୀ, କଟକ ଓ ନୟାଗଡ଼ ଜିଲ୍ଲାକୁ ଗୋଟିଏ ଲେଖାଏଁ ଏନ୍.ଡି.ଆର୍.ଏଫ୍. ଟିମ୍ ମୁତୟନ କରାଯାଇଛି ।

ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ ପ୍ରମୁଖ ସଚିବ ଉଷା ପାଢ଼ୀ ପୌର ପରିଷଦର କାର୍ଯ୍ୟନିର୍ବାହୀ ଅଧିକାରୀଙ୍କୁ ସମ୍ଭାବ୍ୟ ବର୍ଷାପାଇଁ ସତର୍କ ରହିବା ଲାଗି ନିର୍ଦ୍ଦେଶ ଦେଇଛନ୍ତି । ଶ୍ରୀମତୀ ପାଢ଼ୀ ଆଜି ଆଭାସୀ ଜରିଆରେ ବିଭାଗର ବରିଷ୍ଠ ଅଧିକାରୀ ଏବଂ ଜିଲ୍ଲାସ୍ତରୀୟ ନୋଡ଼ାଲ୍ ଅଧିକାରୀମାନଙ୍କ ସହ ପରିସ୍ଥିତି ସମ୍ପର୍କରେ ସମୀକ୍ଷା କରିଛନ୍ତି । ବୈଠକରେ ବିଭିନ୍ନ ତଳିଆ ଅଞ୍ଚଳରେ ପାଣି ନ ଜମିବାକୁ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ ବିଭାଗୀୟ ଅଧିକାରୀମାନଙ୍କ ସେ ନିର୍ଦ୍ଦେଶ ଦେଇଛନ୍ତି । ସେହିପରି ଖାଲୁଆ ତଥା ତଳିଆ ସ୍ଥାନଗୁଡ଼ିକପାଇଁ ପମ୍ପସେଟ୍ ପ୍ରସ୍ତୁତ ରଖିବାପାଇଁ ନିର୍ବାହୀ ଅଧିକାରୀମାନଙ୍କୁ କୁହାଯାଇଛି ।

***Sambalpur/R***

# ମୁଖ୍ୟମନ୍ତ୍ରୀ - ଅଭିଯୋଗ ଶୁଣାଣି

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସମ୍ବଲପୁର ଗସ୍ତର ଆଜି ଦ୍ୱିତୀୟ ଦିନରେ ଅଶୋକ ନିବାସରେ ସାଧାରଣ ଲୋକଙ୍କୁ ସାକ୍ଷାତ୍ କରି ସେମାନଙ୍କର ଅଭିଯୋଗ ଶୁଣି ଅଭିଯୋଗ ପତ୍ର ଗ୍ରହଣ କରିଛନ୍ତି । ଏହାସହ ଆରଡିସି,

ଆଇଜି, ଜିଲ୍ଲାପାଳ ଓ ଏସପିଙ୍କ ସହ ଜିଲ୍ଲାର ବିଭିନ୍ନ ସମସ୍ୟା ବିଷୟରେ ଆଲୋଚନା କରିଥିଲେ । ପରେ ଦଳୀୟ କର୍ମୀଙ୍କୁ ସେ ସାକ୍ଷାତ କରିଥିଲେ । ଏହାପରେ ମୁଖ୍ୟମନ୍ତ୍ରୀ ଭୁବନେଶ୍ୱର ଫେରିଆସିଥିବା ଆମ ସମ୍ବାଦଦାତା ଜଣାଇଛନ୍ତି ।

***Puri/R***

# ହାଇକୋର୍ଟ ମୁଖ୍ୟ ବିଚାରପତି - ପୁରୀ

ହାଇକୋର୍ଟର ମୁଖ୍ୟ ବିଚାରପତି ଜଷ୍ଟିସ ଚକ୍ରଧାରୀ ଶରଣ ସିଂ ଆଜି ପୁରୀ ଗସ୍ତରେ ଯାଇ ଶ୍ରୀମନ୍ଦିରରେ ମହାପ୍ରଭୁଙ୍କ ଦର୍ଶନ କରିଛନ୍ତି । ମୁଖ୍ୟ ବିଚାରପତି ଶ୍ରୀମନ୍ଦିରରେ ପହଞ୍ଚିବା ପରେ ସେବାୟତ, ଜିଲ୍ଲା ଓ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ତାଙ୍କୁ ସ୍ୱାଗତ କରାଯାଇଥିଲା। ପରେ ସିଂହଦ୍ୱାର ଦେଇ ପତିତପାବନଙ୍କୁ ଦର୍ଶନ କରି ମୁଖ୍ୟ ବିଚାରପତି ରତ୍ନ ସିଂହାସନରେ ଚତୁର୍ଦ୍ଧା ବିଗ୍ରହଙ୍କୁ ଦର୍ଶନ କରିଥିଲେ। ସେ ମା ବିମଳା, ଲକ୍ଷ୍ମୀ ଓ ଅନ୍ୟାନ୍ୟ ପାର୍ଶ୍ୱ ଦେବଦେବୀଙ୍କ ଦର୍ଶନ ସହ ପୂଜାର୍ଚ୍ଚନା ମଧ୍ୟ କରିଥିଲେ । ଏହି ଅବସରରେ ମୁଖ୍ୟ ବିଚାରପତିଙ୍କୁ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ଖଣ୍ଡୁଆ ପାଟ ପ୍ରଦାନ କରାଯାଇଥିଲା।

*HS*

## ଭିତରକନିକା - ପକ୍ଷୀଗଣନା

କେନ୍ଦ୍ରାପଡ଼ାର ଭିତରକନିକା ଜାତୀୟ ଉଦ୍ୟାନରେ ଆଜିଠାରୁ ଦେଶୀୟ ପକ୍ଷୀ ଗଣନା ଆରମ୍ଭ ହୋଇଛି। ଏହା ୧୩ ତାରିଖ ପର୍ଯ୍ୟନ୍ତ ଚାଲିବ । ଗଣନା କାର୍ଯ୍ୟରେ ପକ୍ଷୀ ବିଶେଷଜ୍ଞଙ୍କ ସହ ବନ କର୍ମଚାରୀ ମାନେ ସାମିଲ ହୋଇଛନ୍ତି। ବିଶେଷକରି ଭିତରକନିକା ଜାତୀୟ ଉଦ୍ୟାନର ମଠଆଡିଆ, ଲକ୍ଷ୍ମୀପ୍ରସାଦଡିଆ, ଦୁର୍ଗାପ୍ରସାଦଡିଆରେ ପକ୍ଷୀ ଗଣନା କରାଯିବ।

***Nabarangpur/R***

## ଝାଡ଼ାବାନ୍ତି

ନବରଙ୍ଗପୁର ଜିଲ୍ଲାର ଝରିଗାଁ ବ୍ଲକ ଚେପଟି ଆମ୍ବଗାଁରେ ଝାଡାବାନ୍ତି ବ୍ୟାପିଥିବା ଅଭିଯୋଗ ଆସିବା ପରେ ସାଂସଦ ବଳଭଦ୍ର ମାଝୀ ସେହି ଗାଁକୁ ଯାଇ ପରିସ୍ଥିତି ଅନୁଧାନ କରିଛନ୍ତି। ଏହି ସମୟରେ ଶ୍ରୀ ମାଝୀ ଝାଡ଼ାବାନ୍ତି ରୋଗୀଙ୍କ ପାଇଁ ସ୍ଥାନୀୟ ବିଦ୍ୟାଳୟରେ ଚାଲିଥିବା ଅସ୍ଥାୟୀ ଶିବରକୁ ପରିଦର୍ଶନ କରି ଆକ୍ରାନ୍ତଙ୍କ ସ୍ୱାସ୍ଥ୍ୟବସ୍ଥା ପଚାରି ବୁଝିଛନ୍ତି। ଏଥି ସହ ଉପସ୍ଥିତ ଡାକ୍ତରୀ ଦଳ ସହ ଆଲୋଚନା କରିଛନ୍ତି । ଆଜି ଚେପଟି ଆମ୍ବଗାଁର ଜଣେ

ଯୁବକ ଝାଡା ବାନ୍ତିରେ ଆକ୍ରାନ୍ତ ହୋଇ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଚିକିତ୍ସିତ ହେଉଥିବା ସମୟରେ ସକାଳେ ତାଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି । ଗାଁର ଅନ୍ୟ ଆକ୍ରାନ୍ତଙ୍କ ଚିକିତ୍ସା ସ୍ୱାସ୍ଥ୍ୟ ବିଭାଗର ଡାକ୍ତରୀ ଦଳ ପକ୍ଷରୁ କରାଯାଉଛି ।

***Boudh/R***

# ସୁଭଦ୍ରା ଯୋଜନା ସମୀକ୍ଷା

ବୌଦ୍ଧ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳ ସୁବ୍ରତ କୁମାର ପଣ୍ଡାଙ୍କ ଅଧ୍ୟକ୍ଷତାରେ ସୁଭଦ୍ରା ଯୋଜନାର ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଛି । ସମସ୍ତ ଜନସେବା କେନ୍ଦ୍ରରେ ଅନଲାଇନ ଆବେଦନ ନିମନ୍ତେ ବ୍ୟବସ୍ଥା କରିବାପାଇଁ ଅଧିକାରୀମାନଙ୍କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି । ବୈଠକରେ ସୁଭଦ୍ରା ଯୋଜନା ସହ ସମ୍ପୃକ୍ତ ସମସ୍ତ ଅଧିକାରୀ ଉପସ୍ଥିତ ଥିଲେ ।

***HS***

# +୨ ପରୀକ୍ଷା ପ୍ରସ୍ତୁତି

ରାଜ୍ୟରେ ଯୁକ୍ତ ଦୁଇ ପରୀକ୍ଷା ୨୦୨୫ ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଛି । ଆସନ୍ତା ନଭେମ୍ବର ୧୫ ତାରିଖ ସୁଦ୍ଧା ସବୁ ପରୀକ୍ଷା କେନ୍ଦ୍ରରେ ସିସିଟିଭି

ଲଗାଇବା ପାଇଁ ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି । ସେହିଭଳି କୌଣସି ଶିକ୍ଷାନୁଷ୍ଠାନରେ ଧାର୍ଯ୍ୟ ଭିତ୍ତିଭୂମି ନ ଥିଲେ ସେହି ସ୍ଥାନକୁ ପରୀକ୍ଷା କେନ୍ଦ୍ର ନ କରିବାକୁ ନିଷ୍ପତ୍ତି ନିଆଯାଇଛି ।

***Ganjam/R***

## ସଦସ୍ୟତା ଅଭିଯାନ

ଗଞ୍ଜାମ ଜିଲ୍ଲା ବୁଗୁଡ଼ାରେ ବିଜେପି ପକ୍ଷରୁ ଆଜି ଏକ ସଂଗଠନ ପର୍ବ ଓ ସଦସ୍ୟତା ଅଭିଯାନ ସମ୍ପର୍କିତ ବୈଠକ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିକାଶ ଏବଂ ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗ ମନ୍ତ୍ରୀ ଗୋକୁଳାନନ୍ଦ ମଲିକ ଯୋଗଦେଇ ବିଜେପି କର୍ମକର୍ତ୍ତାଙ୍କୁ ସଂଗଠନକୁ ସୁଦୃଢ କରିବା ପାଇଁ ପରାମର୍ଶ ଦେଇଥିଲେ। ଏହାସହ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଭିନ୍ନ ଜନକଲ୍ୟାଣକାରୀ ଯୋଜନା ସମ୍ପର୍କରେ ଲୋକମାନଙ୍କୁ ସଚେତନ କରାଇବାପାଇଁ କର୍ମୀମାନଙ୍କୁ କହିଥିଲେ ।

*Ganjam/R*

# ପୋଖରୀରେ ବୁଡ଼ି ମୃତ୍ୟୁ

ଗଞ୍ଜାମ ଜିଲ୍ଲାର ପଞ୍ଚମୀ ଗ୍ରାମରେ ପୋଖରୀରେ ବୁଡ଼ି ଦୁଇ ଜଣ ନାବାଳକଙ୍କ ମୃତ୍ୟୁ ହୋଇଛି । ଖବର ପାଇ ସ୍ଥାନୀୟ ତହସିଲ୍‌ଦାର ଓ ପୁଲିସ୍ ଘଟଣାସ୍ଥଳରେ ପହଞ୍ଚି ମାମଲାର ତଦନ୍ତ କରୁଛନ୍ତି ।

*Desk*

# ବିମ୍ବାସୁର ବଧ

ପୁରୀ ଶ୍ରୀମନ୍ଦିରରେ ମହାପ୍ରଭୁ ଶ୍ରୀକୃଷ୍ଣଙ୍କ ଲୀଳା ଜାରି ରହିଛି। ଆଜି ବିମ୍ବାସୁର ବଧ ନୀତି ଅନୁଷ୍ଠିତ ହେବ। ସନ୍ଧ୍ୟାଧୂପ ନୀତି ପରେ ମଦନମୋହନ ନାଟପଣ୍ଡପ ମନ୍ଦିର ଖଟଶେଯ ଉପରେ ବିଜେ କରିବା ସହ ସେଠାରେ ବିମ୍ବାସୁର ବଧ ନୀତି ଅନୁଷ୍ଠିତ ହେବ। ଶ୍ରୀକୃଷ୍ଣ ବିମ୍ବାସୁରକୁ ବଧ କରିବା ପରେ ଶୀତଳ ଭୋଗ କରାଯିବ। ପରେ ଠାକୁରଙ୍କୁ ଦକ୍ଷିଣ ଘରକୁ ବିଜେ କରାଯିବ। ଶ୍ରୀକୃଷ୍ଣ ଲୀଳାର ଏହା ଆଉ ଏକ ଅଧ୍ୟାୟ। ବିମ୍ବାସୁର ନାମକ ଭୟଙ୍କର ରାକ୍ଷସକୁ ମହାରାଜ କଂସ ଶ୍ରୀକୃଷ୍ଣଙ୍କୁ ହତ୍ୟା କରିବାକୁ ପଠାଇଥିଲେ । କିନ୍ତୁ ଭଗବାନ ଶ୍ରୀକୃଷ୍ଣ ମୁଷ୍ଟି ପ୍ରହାର କରି ଅନାୟାସରେ ବିମ୍ବାସୁରକୁ ବଧ କରିଥିଲେ। ଏହି ଲୀଳାକୁ ମନେ ପକାଇ ଶ୍ରୀମନ୍ଦିରରେ ବିମ୍ବାସୁର ବଧ ନୀତି

ପାଳନ କରାଯାଏ। ଏଥି ସହିତ ଆଜି  ମହାଲକ୍ଷ୍ମୀଙ୍କ ମନ୍ଦିରରେ କୁକ୍କୁଟୀ ବ୍ରତ ନୀତି ପାଳନ କରାଯାଇଛି।

*****